CES. Odisha

**CENTRE FOR ENVIRONMENTAL STUDIES** (CES)

Department of Forest, Environment & Climate Change, Government of Odisha

Ref.: 60-WED/2026 Date: 27/01/2026

To

The Secretary, District Environment Society

District - Jagatsinghpur

**Sub.: Guideline & Application Form for "Prakruti Mitra" & "Prakruti Bandhu" Awards for the year 2025-26**

Sir,

This has reference to the above cited subject matter. I am directed to say that Forest, Environment & Climate Change Department, Government of Odisha is in the process for selecting **Prakruti Mitra & Prakruti Bandhu awards from each Block for financial year 2025-26**. An advertisement to this effect will be published in the leading newspaper on 01.02.2026 (copy enclosed). The last date for receiving applications by the District Environment Society (DES) from interested organizations and individuals of each block is **27.02.2026**.

I herewith enclose 50 copies of Guidelines & Application forms for both Prakruti Mitra and Prakruti Bandhu Awards. I would request you to go through the guidelines before selecting nominations. These guidelines & application forms can also be downloaded from the website of Centre for Environmental Studies i.e. **www.cesodisha.org**. It is requested to provide forms to interested applicants free of cost between **02.02.2026 to 27.02.2026** as per the advertisement.

The selection process may be completed and nominations from all blocks of your district both for Prakruti Mitra & Prakruti Bandhu awards may be sent to the Director, Environment-cum-Special Secretary, Forest, Environment & Climate Change Department, Government of Odisha, Kharavel Bhawan, Bhubaneswar-751001, **on or before 31.03.2026 positively**, for further course of action. **It's mandatory to send a copy of the duly filled-in application form of the nominated Prakruti Mitra & Prakruti Bandhu with the nominations.**

Further, you are requested to take necessary steps at your end to create adequate awareness so as to ensure receipt of applications from all Blocks of your district against each award.

Yours faithfully,

27/1/26

**(Dr. K. Murugesan, IFS)**
**PCCF-cum-Director, CES**

Encl.: As above

Memo No. 61-WED/2026 Dt. 27/01/2026

Copy forwarded to the Director, Environment-cum-Special Secretary, Forest, Environment & Climate Change Department, Govt. of Odisha for information.

27/1/26

**PCCF-cum-Director, CES**

CRP - Ekamrakanan Road, IRC Village, Nayapalli, Bhubaneswar, Odisha - 751015
0674 - 255 1853 | www.cesodisha.org | cesodisha@gmail.com | /CESOdishaGovt

Scanned with OKEN Scanner

# ଓଡ଼ିଶା ସରକାର
## ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ବିଭାଗ

## ପ୍ରକୃତି ମିତ୍ର ଓ ପ୍ରକୃତି ବନ୍ଧୁ ପୁରସ୍କାର : ୨୦୨୫-୨୬

ରାଜ୍ୟ ସରକାରଙ୍କ ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ବିଭାଗ ତରଫରୁ ପରିବେଶ ସଂରକ୍ଷଣ ତଥା ପରିବେଶ ସମ୍ପର୍କରେ ଜନସଚେତନତା ସୃଷ୍ଟି କ୍ଷେତ୍ରରେ ରାଜ୍ୟର ଗ୍ରାମ/ ଶିକ୍ଷାନୁଷ୍ଠାନ/ ରେଜେଷ୍ଟ୍ରିଭୁକ୍ତ ସଂସ୍ଥା ଏବଂ ବ୍ୟକ୍ତିବିଶେଷଙ୍କର ଅବଦାନକୁ ଉତ୍ସାହିତ କରିବା ପାଇଁ ଯଥାକ୍ରମେ ପ୍ରକୃତି ମିତ୍ର ଓ ପ୍ରକୃତି ବନ୍ଧୁ ପୁରସ୍କାର ଦିଆଯାଏ । ଆସନ୍ତା **୫ ଜୁନ୍, ୨୦୨୬ ବିଶ୍ୱ ପରିବେଶ ଦିବସ**ରେ ପ୍ରତି ବ୍ଲକରୁ ଏକ ଗ୍ରାମ/ ଶିକ୍ଷାନୁଷ୍ଠାନ/ ରେଜେଷ୍ଟ୍ରିଭୁକ୍ତ ସଂସ୍ଥାକୁ ମାନପତ୍ର ସହ ଟ୨୦,୦୦୦/- (କୋଡ଼ିଏ ହଜାର ଟଙ୍କା) "ପ୍ରକୃତି ମିତ୍ର" ପୁରସ୍କାର ଏବଂ ଜଣେ ବ୍ୟକ୍ତିଙ୍କୁ ମାନପତ୍ର ସହ ଟ୧୦,୦୦୦/- (ଦଶ ହଜାର ଟଙ୍କା) "ପ୍ରକୃତି ବନ୍ଧୁ" ପୁରସ୍କାର ପ୍ରଦାନ କରାଯିବ । ମନୋନୟନ ଫର୍ମର ନମୁନା ତଥା ନିୟମାବଳୀ Centre for Environmental Studies (CES) ର Website www.cesodisha.org ରୁ ବା ସଂପୃକ୍ତ ଜିଲ୍ଲା ପରିବେଶ ସମିତିର ସମ୍ପାଦକ କିମ୍ବା ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରୁ ତା୦୨/୦୨/୨୦୨୬ରିଖରୁ ୨୭/୦୨/୨୦୨୬ରିଖ ମଧ୍ୟରେ ମିଳିପାରିବ । ନିର୍ଦ୍ଧାରିତ ଫର୍ମରେ ମନୋନୟନଗୁଡିକ ଆନୁସଙ୍ଗିକ ପ୍ରମାଣପତ୍ର ସହ ତା୨୭/୦୨/୨୦୨୬ରିଖ ସୁଦ୍ଧା ସମ୍ପୃକ୍ତ ଜିଲ୍ଲାପାଳ / ସମ୍ପାଦକ, ଜିଲ୍ଲା ପରିବେଶ ସମିତିଙ୍କ ନିକଟରେ ପହଞ୍ଚିବା ଆବଶ୍ୟକ ।

ପ୍ରମୁଖ ଶାସନ ସଚିବ

ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ବିଭାଗ

Scanned with OKEN Scanner

ଜିଲ୍ଲା ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟ, ଜଗତସିଂହପୁର
କୋର୍ଟ ଛକ, ଜଗତସିଂହପୁର - ୭୫୪୧୦୩,
ଫୋନ ନଂ- ୦୬୭୨୪ - ୨୨୦୮୨୬
ଇ ମେଲ - deojagatsinghpur12@gmail.com

DISTRICT EDUCATION OFFICE: JAGATSINGHPUR
COURT CHHAK, JAGATSINGHPUR-754103
Phone No.06724-220826,
Email Id-deojagatsinghpur12@gmail.com

**Memo No** 1096 **Dt.** 04.02.2026

Copy forwarded to all Principal, Degree Colleges / Higher Secondary Schools / OAVs / KVs / JNVs / Headmasters, High Schools / Headmasters, Elementary Schools for information and wide publication and submission of filled in forms with relevant documents at the District Education Office by 27.02.2026.

04.02.26
*District Education Officer*
*Jagatsinghpur*

**Memo No** 1097 **Dt.** 04.02.2026

Copy forwarded to all BDOs of Jagatsinghpur/ all Tehsildars of Jagatsinghpur / all CDPOs of Jagatsinghpur / Superintending Engineer RWSS, Jagatsinghpur / Superintending Engineer, R & B, Jagatsinghpur / CDVO, Jagatsinghpur / CDAO, Jagatsinghpur / DPC, SS, Jagatsinghpur / all BEOs of Jagatsinghpur / Executive Officer, Jagatsinghpur , Municipality / Pardeep Municipality / CDM & PHO, Jagatsinghpur / District Information and Public Relation Officer, Jagatsinghpur / Additional Director, Horticulture, Jagatsinghpur/ Superintending Engineer, RWD, Jagatsinghpur / Asst. Director, Soil Conservation, Jagatsinghpur/ all District Level offices, Jagatsinghpur / all NGOs of Jagatsinghpur / OSD to Collector, Jagatsinghpur for information wide publication and submission of filled in forms with relevant documents at the District Education Office by 27.02.2026

04.02.26
*District Education Officer*
*Jagatsinghpur*

**Memo No** 1098 **Dt.** 04.02.2026

Copy submitted to CDO – cum – EO, Zilla Parisad, Jagatsinghpur for favour of kind information wide publication and submission of filled in forms with relevant documents at the District Education Office by 27.02.2026.

04.02.26
*District Education Officer*
*Jagatsinghpur*

**Memo No** 1099 **Dt.** 04.02.2026

Copy submitted to Collector & District Magistrate, Jagatsinghpur for favour of kind information and necessary action.

04.02.26
*District Education Officer*
*Jagatsinghpur*

Encl: Application forms of Prakruti Banhu & Prakruti Mitra – 2025-26

Scanned with OKEN Scanner

# ଓଡ଼ିଶା ସରକାର

## ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ବିଭାଗ
## ଖାରବେଳ ଭବନ, ଭୁବନେଶ୍ୱର

# "ପ୍ରକୃତି ମିତ୍ର ପୁରସ୍କାର"
## ନିୟମାବଳୀ ଓ ଆବେଦନ ଫର୍ମ

୧. ଓଡ଼ିଶା ସରକାରଙ୍କ ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ବିଭାଗ ତରଫରୁ **"ପ୍ରକୃତି ମିତ୍ର ପୁରସ୍କାର"** ପ୍ରବର୍ତ୍ତନ କରାଯାଇଛି। ଏଥିପାଇଁ ମାନପତ୍ର ସହିତ ଟ.୨୦,୦୦୦ଙ୍କା (କୋଡ଼ିଏ ହଜାର ଟଙ୍କା) ପୁରସ୍କାର ରାଶି ବ୍ୟବସ୍ଥା ରହିଛି। ଏହି ପୁରସ୍କାରର ମୂଳ ଉଦ୍ଦେଶ୍ୟ ହେଲା-

କ) ଅଧିକ ପରିଷ୍କାର ପରିଚ୍ଛନ୍ନ ଓ ଅଧିକ ସବୁଜ ହେବା ପାଇଁ ଗ୍ରାମଗୁଡ଼ିକୁ ପ୍ରୋତ୍ସାହିତ କରିବା।

ଖ) ସୁସ୍ଥ ଓ ସମୃଦ୍ଧ ପରିବେଶ ସୃଷ୍ଟି କରିବା ଦିଗରେ ସ୍ୱେଚ୍ଛାସେବୀ ଅନୁଷ୍ଠାନମାନଙ୍କୁ ପ୍ରୋତ୍ସାହିତ କରିବା।

ଗ) ଜଙ୍ଗଲ, ବନ୍ୟପ୍ରାଣୀ ଓ ଅନ୍ୟାନ୍ୟ ପ୍ରାକୃତିକ ସଂପଦର ସଂରକ୍ଷଣ ପାଇଁ ବ୍ୟାପକ ସଚେତନତା ସୃଷ୍ଟି କରିବା ଓ ସର୍ବସାଧାରଣଙ୍କ ସହଯୋଗରେ ସମୃଦ୍ଧ ପରିବେଶ ସୃଷ୍ଟିକରିବା ଏବଂ ରାଜ୍ୟରେ ଅଧିକ ସମୃଦ୍ଧ ବାସୋପଯୋଗୀ ପରିବେଶ ସୃଷ୍ଟିରେ ସାହାଯ୍ୟ କରିବା।

୨. **ଯୋଗ୍ୟତା**

ପ୍ରତି ବ୍ଲକ୍‌ରେ ପ୍ରକୃତି ଓ ପରିବେଶ ସଂରକ୍ଷଣ ଏବଂ ଏହାର ସଚେତନତା ସୃଷ୍ଟି ପାଇଁ ଯଥେଷ୍ଟ ଅବଦାନ ଥିବା ଗ୍ରାମ, ଶିକ୍ଷାନୁଷ୍ଠାନ କିମ୍ବା ରେଜେଷ୍ଟ୍ରିଭୁକ୍ତ ସଂସ୍ଥା ଏହି ପୁରସ୍କାର ପାଇଁ ଯୋଗ୍ୟ ବିବେଚିତ ହୋଇପାରିବେ।

ଜିଲ୍ଲା ପରିବେଶ ସମିତି ଯେକୌଣସି ଉପଯୁକ୍ତ ଗ୍ରାମ / ସ୍ୱେଚ୍ଛାସେବୀ ଅନୁଷ୍ଠାନ / ଶିକ୍ଷାନୁଷ୍ଠାନକୁ ଏହି ପୁରସ୍କାର ପାଇଁ ବାଛି ପାରିବେ। ପ୍ରତି ବ୍ଲକ୍‌ରୁ ଜିଲ୍ଲା ପରିବେଶ ସମିତି ଦ୍ୱାରା ବଛାଯାଇଥିବା ଗ୍ରାମ / ସ୍ୱେଚ୍ଛାସେବୀ ଅନୁଷ୍ଠାନ / ଶିକ୍ଷାନୁଷ୍ଠାନକୁ ବିଶ୍ୱ ପରିବେଶ ଦିବସ ତଥା ୫ ଜୁନ୍‌ରେ ସ୍ୱତନ୍ତ୍ର ରାଜ୍ୟସ୍ତରୀୟ ଉତ୍ସବରେ ପୁରସ୍କାର ପ୍ରଦାନ କରାଯିବ। ଜିଲ୍ଲା ପରିବେଶ ସମିତି ଦ୍ୱାରା ବଛାଯାଇଥିବା ଗ୍ରାମ, ସ୍ୱେଚ୍ଛାସେବୀ ଅନୁଷ୍ଠାନ କିମ୍ବା ଶିକ୍ଷାନୁଷ୍ଠାନଙ୍କ ତରଫରୁ ପ୍ରାଧିକୃତ କୌଣସି ବ୍ୟକ୍ତି ଏହି ପୁରସ୍କାର ଗ୍ରହଣ କରିପାରିବେ। ପୁରସ୍କାର ଅର୍ଥକୁ ପୁରସ୍କାର ପାଇଥିବା ସଂସ୍ଥା / ଗ୍ରାମ / ଶିକ୍ଷାନୁଷ୍ଠାନ ପରିବେଶ ସଂରକ୍ଷଣ ଓ ଏହାର ଉନ୍ନତି ପାଇଁ ଖର୍ଚ୍ଚ କରିପାରିବେ।

୩. **ପୁରସ୍କାର ପାଇଁ ଆବଶ୍ୟକୀୟ ଯୋଗ୍ୟତା**

ନିମ୍ନଲିଖିତ କ୍ଷେତ୍ରରେ କାର୍ଯ୍ୟର ସଫଳତାକୁ ବିଚାର କରି "ପ୍ରକୃତି ମିତ୍ର ପୁରସ୍କାର" ବିଚାର କରାଯିବ।

କ) ଗ୍ରାମାଞ୍ଚଳରେ ପରିମଳ ଓ ପରିଷ୍କାର ପରିଚ୍ଛନ୍ନତା।

ଖ) ଆବର୍ଜନା / ଅନ୍ୟାନ୍ୟ ଅଦରକାରୀ ପଦାର୍ଥର ପୁନଃଚକ୍ରଣ।

ଗ) ବୃକ୍ଷରୋପଣ ଏବଂ ତା'ର ରକ୍ଷଣାବେକ୍ଷଣ।

ଘ) ପାର୍କ ଏବଂ ବଗିଚା ସୃଷ୍ଟି।

ଙ) ଗ୍ରାମ୍ୟ ଦେବାଦେବୀଙ୍କ ନିକଟବର୍ତ୍ତୀ ବୃକ୍ଷରୋପରଣର ରକ୍ଷଣାବେକ୍ଷଣ ଏବଂ ଗ୍ରାମ ଦ୍ୱାରା ଜଙ୍ଗଲ ସୁରକ୍ଷା।

ଚ) ପକ୍ଷୀ ଓ ଅନ୍ୟାନ୍ୟ ବନ୍ୟଜନ୍ତୁଙ୍କ ସୁରକ୍ଷା କ୍ଷେତ୍ରରେ କାର୍ଯ୍ୟ।

ଛ) ଜଳ ଓ ବାୟୁମଣ୍ଡଳର ଗୁଣ ଓ ମାନର ଉନ୍ନତି ପାଇଁ ପଦକ୍ଷେପ।

ଜ) ଜାଳେଣୀ କାଠ ଓ ଅନ୍ୟାନ୍ୟ ଶକ୍ତି ଉତ୍ସର ସଠିକ୍ ବ୍ୟବହାର ଦିଗରେ ପଦକ୍ଷେପ।

ଝ) ଅକ୍ଷୟ ଶକ୍ତି ଉତ୍ସର ବ୍ୟବହାର କ୍ଷେତ୍ରରେ ପଦକ୍ଷେପ।

ଞ) ଜଳବାୟୁ ପରିବର୍ତ୍ତନ ସହ ଖାପଖୁଆଇ ଚାଲିବା ଓ ଏହାର ପ୍ରଭାବକୁ ହ୍ରାସ କରିବା ଦିଗରେ ପଦକ୍ଷେପ।

ଟ) ପରିବେଶ ଓ ବାସସ୍ଥାନରେ ଉନ୍ନତି ଆଣିବା।

ଠ) ରୋଗ ନିୟନ୍ତ୍ରଣ।

ଡ) ଜନ ସଂଖ୍ୟା ନିୟନ୍ତ୍ରଣ।

ଢ) ଯଥାର୍ଥ ଓ ସଠିକ୍ କାରିଗରୀ ବିଦ୍ୟାର ପ୍ରସାର।

ଣ) ପ୍ରକୃତି ଓ ପରିବେଶର ସଂରକ୍ଷଣ ପାଇଁ ସମିତି ତଥା କ୍ଲବ୍ ଗଠନ।

ତ) ପ୍ରକୃତି ଓ ପରିବେଶ ସଂରକ୍ଷଣ ସଂବନ୍ଧୀୟ ବିଭିନ୍ନ ବିଷୟବସ୍ତୁର ବ୍ୟାପକ ସଚେତନତା ପାଇଁ ପାଠଚକ୍ର, କର୍ମଶାଳା, ଆଲୋଚନାଚକ୍ର, ସାଂସ୍କୃତିକ କାର୍ଯ୍ୟକ୍ରମ, ଚଳଚ୍ଚିତ୍ର ପ୍ରଦର୍ଶନ, ବକ୍ତୃତା, ପ୍ରବନ୍ଧ ପ୍ରତିଯୋଗିତା ଇତ୍ୟାଦି ଆୟୋଜନ କରିବା।

ଥ) ପରିବେଶ ସଂରକ୍ଷଣ ଓ ଜନସାଧାରଣଙ୍କ ଉଲ୍ଲେଖନୀୟ ଅବଦାନ ନିମନ୍ତେ ଜନସାଧାରଣଙ୍କ ସହଯୋଗ ବୃଦ୍ଧି କରିବା।

## ୪. ଚୟନ ପ୍ରଣାଳୀ:

କ) ସ୍ଥାନୀୟ ଜଙ୍ଗଲ, ମୃତ୍ତିକା ସଂରକ୍ଷଣ, ସ୍ୱାସ୍ଥ୍ୟ, କୃଷି, ବ୍ଲକ୍ ଉନ୍ନୟନ କାର୍ଯ୍ୟାଳୟ, ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥା, ବ୍ଲକ୍ ଶିକ୍ଷା କାର୍ଯ୍ୟାଳୟ ଇତ୍ୟାଦି ବିଭାଗର ଅଧିକାରୀମାନେ ସଂପୃକ୍ତ ଜିଲ୍ଲାର ଜିଲ୍ଲାପାଳଙ୍କୁ ଏହି ପୁରସ୍କାର ପାଇଁ ସେମାନଙ୍କର ମନୋନୟନ ସୁପାରିଶ କରିପାରିବେ।

ଖ) ଜିଲ୍ଲା ପରିବେଶ ସମିତି ଉପଯୁକ୍ତ ଗ୍ରାମ/ଅନୁଷ୍ଠାନକୁ ଏହି ପୁରସ୍କାର ପାଇଁ ବାଛିବେ। ଏଥିପାଇଁ ଜିଲ୍ଲାପାଳଙ୍କ ଅଧକ୍ଷତାରେ ଏକ ବିଚାରକ ମଣ୍ଡଳୀ ଗଠନ କରିବେ। ସଂପୃକ୍ତ ଜିଲ୍ଲା ପରିବେଶ ସମିତିର ସଂପାଦକ ଏହି ବିଚାରକ ମଣ୍ଡଳୀର ଆବାହକ ରହିବେ ଏବଂ ଜିଲ୍ଲାସ୍ତରୀୟ ଜଙ୍ଗଲ, ବନ୍ୟଜନ୍ତୁ, ମୃତ୍ତିକା ସଂରକ୍ଷଣ, ସ୍ୱାସ୍ଥ୍ୟ, ଉଦ୍ୟାନ ବିଭାଗର ଅଧିକାରୀମାନେ ସଦସ୍ୟ ରହିବେ। ଏହା ବ୍ୟତୀତ ପରିବେଶ ସଂରକ୍ଷଣ କ୍ଷେତ୍ରରେ କାର୍ଯ୍ୟ କରୁଥିବା ଦୁଇଟି ସ୍ୱେଚ୍ଛାସେବୀ ଅନୁଷ୍ଠାନର ପ୍ରତିନିଧିଙ୍କୁ **(ଯେଉଁମାନେ ଏହି ପୁରସ୍କାର ପାଇଁ ମନୋନୀତ ହୋଇ ନଥିବେ)** ଜିଲ୍ଲାପାଳ ଏହି ମଣ୍ଡଳୀର ସଦସ୍ୟ ଭାବେ ମନୋନୀତ କରିବେ।

ଗ) କୌଣସି ଗ୍ରାମ / ରେଜେଷ୍ଟ୍ରିଭୁକ୍ତ ଅନୁଷ୍ଠାନ / ଶିକ୍ଷାନୁଷ୍ଠାନ **ଗତ ୫ବର୍ଷ ମଧ୍ୟରେ** ଏହି ପୁରସ୍କାର ପାଇଥିଲେ ପୁନର୍ବାର ସେହି ବ୍ଲକ୍ ପାଇଁ ମନୋନୀତ ହେବେନାହିଁ।

**ଘ) ସମାନ କାର୍ଯ୍ୟପାଇଁ କୌଣସି ସଂସ୍ଥା/ଅନୁଷ୍ଠାନ ଏବଂ ସେହି ସଂସ୍ଥା/ଅନୁଷ୍ଠାନର ବ୍ୟକ୍ତି ଉଭୟ ପ୍ରକୃତି ମିତ୍ର ଏବଂ ପ୍ରକୃତି ବନ୍ଧୁ ପୁରସ୍କାର ପାଇଁ ମନୋନୀତ ହେବେନାହିଁ।**

ଙ) ନିୟମର ବ୍ୟାଖ୍ୟା ଏବଂ ପୁରସ୍କାର ଉପସ୍ଥାପନ ସମ୍ବନ୍ଧରେ ସରକାରଙ୍କ ନିଷ୍ପତ୍ତି ଚୂଡ଼ାନ୍ତ ହେବ।

ଚ) **ଗ୍ରାମ/ଅନୁଷ୍ଠାନ/ଶିକ୍ଷାନୁଷ୍ଠାନଙ୍କ ଠାରୁ ଆବଶ୍ୟକୀୟ ତଥ୍ୟ ସହିତ ସଂପୂର୍ଣ୍ଣ ଆବେଦନ ଫର୍ମ ଜିଲ୍ଲା ପରିବେଶ ସମିତି ୨୭ ଫେବୃୟାରୀ ୨୦୨୬ ତାରିଖ ପର୍ଯ୍ୟନ୍ତ ଗ୍ରହଣ କରିବେ। ଜିଲ୍ଲା ପରିବେଶ ସମିତି ମନୋନୟନ ପ୍ରକ୍ରିୟା ସଂପୂର୍ଣ୍ଣ କରି ୩୧ ମାର୍ଚ୍ଚ ୨୦୨୬ ସୁଦ୍ଧା ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ବିଭାଗକୁ ପଠାଇବେ। ଏହା ସହିତ ମନୋନୀତ ହୋଇଥିବା ଗ୍ରାମ/ଅନୁଷ୍ଠାନ/ଶିକ୍ଷାନୁଷ୍ଠାନଙ୍କ ଆବେଦନ ଫର୍ମର ନକଲ ପଠାଇବେ।**

# ପ୍ରକୃତି ମିତ୍ର ପୁରସ୍କାର ପାଇଁ ଆବେଦନ ଫର୍ମ

## (୨୦୨୫-୨୬)

## (ସମସ୍ତ ତଥ୍ୟ ପୂରଣ ନକଲେ ଆବେଦନ ଫର୍ମ ବିଚାରକୁ ନିଆଯିବ ନାହିଁ)

୧. ଆବେଦନକାରୀ ଗ୍ରାମ / ଅନୁଷ୍ଠାନର ନାମ ଓ ସଂପୂର୍ଣ୍ଣ ଡାକ ଠିକଣା (ଟେଲିଫୋନ୍ ନମ୍ବର ଓ ଇ-ମେଲ୍ ସହିତ):

୨. ଯୋଗାଯୋଗ କରିବା ବ୍ୟକ୍ତିଙ୍କ ନାମ, ଟେଲିଫୋନ୍ ନମ୍ବର ଓ ଇ-ମେଲ୍:

୩. କେଉଁ ବ୍ଲକ୍ ପାଇଁ ଆବେଦନ କରାଯାଇଛି:

୪. ଗ୍ରାମ / ଅନୁଷ୍ଠାନର ସଂକ୍ଷିପ୍ତ ବିବରଣୀ:

୫. ପୂର୍ବରୁ ଅନ୍ୟ କୌଣସି ପୁରସ୍କାର ପାଇଥିଲେ ତାହାର ସଂକ୍ଷିପ୍ତ ସୂଚନା:

୬. ପରିବେଶ ସୁରକ୍ଷା ତଥା ସଂରକ୍ଷଣ କ୍ଷେତ୍ରରେ ଉଲ୍ଲେଖନୀୟ କାର୍ଯ୍ୟକ୍ରମର ବିବରଣୀ (୨୫୦ ଶବ୍ଦ ମଧ୍ୟରେ):

୭. ଗ୍ରାମ / ଅନୁଷ୍ଠାନର ବ୍ୟାଙ୍କ୍ ଆକାଉଣ୍ଟର ସଂପୂର୍ଣ୍ଣ ବିବରଣୀ ଯଥା- ଗ୍ରାମ / ଅନୁଷ୍ଠାନର ଆକାଉଣ୍ଟ ନାମ, ଆକାଉଣ୍ଟ ନମ୍ବର, ବ୍ୟାଙ୍କ ଶାଖା, ଆଇ.ଏଫ୍.ସି.କୋଡ୍। (ବ୍ୟାଙ୍କ୍ ପାସ୍‌ବୁକ୍ ପ୍ରଥମ ପୃଷ୍ଠାର ନକଲ / କ୍ୟାନ୍‌ସଲ ଚେକ୍ ସଲଗ୍ନ କରନ୍ତୁ):

**ଆବେଦନକାରୀଙ୍କ ସ୍ୱାକ୍ଷର**

---

ଗ୍ରାମ / ଅନୁଷ୍ଠାନକୁ ମନୋନୀତ କରୁଥିବା ଅଧିକାରୀଙ୍କ ନାମ, ପଦବୀ ଓ ସ୍ୱାକ୍ଷର:

ବି.ଦ୍ର. ପରିବେଶ ସଂରକ୍ଷଣ କ୍ଷେତ୍ରରେ ମନୋନୀତ ଗ୍ରାମ / ଅନୁଷ୍ଠାନ କାର୍ଯ୍ୟ କରିଥିବା ସଂପର୍କରେ ପ୍ରକାଶିତ ସମ୍ବାଦପତ୍ର ଅଂଶ / ଫଟୋ ମନୋନୟନ ଫର୍ମ ସହିତ ସଂଲଗ୍ନ କରିବେ।

# ଓଡ଼ିଶା ସରକାର

## ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ବିଭାଗ

## ଖାରବେଳ ଭବନ, ଭୁବନେଶ୍ୱର

# "ପ୍ରକୃତି ବନ୍ଧୁ ପୁରସ୍କାର"

## ନିୟମାବଳୀ ଓ ଆବେଦନ ଫର୍ମ

୧. ଓଡ଼ିଶା ସରକାରଙ୍କ ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ବିଭାଗ ତରଫରୁ **"ପ୍ରକୃତି ବନ୍ଧୁ ପୁରସ୍କାର"** ପ୍ରବର୍ତ୍ତନ କରାଯାଇଛି। ଏଥିପାଇଁ ମାନପତ୍ର ସହିତ ଟ.୧୦,୦୦୦ଙ୍କା (ଦଶ ହଜାର ଟଙ୍କା) ପୁରସ୍କାର ରାଶି ବ୍ୟବସ୍ଥା ରହିଛି। ଏହି ପୁରସ୍କାରର ମୂଳ ଉଦ୍ଦେଶ୍ୟ ହେଲା–

କ) ପରିବେଶ ସଂରକ୍ଷଣ ଓ ପରିବେଶ ସଚେତନତା ସୃଷ୍ଟି କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ପାଇଁ ବ୍ୟକ୍ତି ବିଶେଷଙ୍କୁ ସମ୍ମାନୀତ କରିବା ଓ ତାଙ୍କର କାର୍ଯ୍ୟକୁ ଉତ୍ସାହିତ କରିବା।

ଖ) ବ୍ୟକ୍ତି ସ୍ତରରେ ତାଙ୍କର ଏଭଳି ଉଦ୍ୟମକୁ ଉତ୍ସାହିତ କରିବା।

ଗ) ତାଙ୍କର ଉଦ୍ୟମ ଅନୁସରଣ କରିବାକୁ ଅନ୍ୟମାନଙ୍କୁ ପ୍ରେରଣା ଦେବା।

୨. **ଯୋଗ୍ୟତା**

ପ୍ରକୃତି ଓ ପରିବେଶ ସଂରକ୍ଷଣ ଏବଂ ଏହାର ସଚେତନତା ସୃଷ୍ଟିପାଇଁ ଅସୀମ ଭାବରେ ଅବଦାନ ଦେଇଥିବା ପ୍ରତ୍ୟେକ ବ୍ଲକ୍‌ରୁ ଜଣେ ବ୍ୟକ୍ତି ଏହି ପୁରସ୍କାର ପାଇଁ ଯୋଗ୍ୟ ବିବେଚିତ ହୋଇପାରିବେ।

ଜିଲ୍ଲା ପରିବେଶ ସମିତି ଏହି ପୁରସ୍କାର ପାଇଁ ବ୍ୟକ୍ତି ବିଶେଷଙ୍କୁ ଚୟନ କରିବେ ଏବଂ ଜିଲ୍ଲା ସ୍ତରରେ ବିଶ୍ୱ ପରିବେଶ ଦିବସରେ ଏକ ସ୍ୱତନ୍ତ୍ର ଉତ୍ସବରେ ତାଙ୍କୁ ପୁରସ୍କୃତ କରିବେ। ପୁରସ୍କାର ଅର୍ଥକୁ ପୁରସ୍କାର ପାଇଥିବା ବ୍ୟକ୍ତି ପରିବେଶ ସଂରକ୍ଷଣ ଓ ଏହାର ଉନ୍ନତି ପାଇଁ ଖର୍ଚ୍ଚ କରିପାରିବେ।

୩. **ପୁରସ୍କାର ପାଇଁ ଆବଶ୍ୟକୀୟ ଯୋଗ୍ୟତା**

ନିମ୍ନଲିଖିତ କ୍ଷେତ୍ରରେ କାର୍ଯ୍ୟର ସଫଳତାକୁ ବିଚାର କରି ବ୍ୟକ୍ତି ବିଶେଷଙ୍କୁ "ପ୍ରକୃତି ବନ୍ଧୁ ପୁରସ୍କାର" ପ୍ରଦାନ କରାଯିବ।

କ) ନିଜ ଉଦ୍ୟମରେ ବୃକ୍ଷ ରୋପଣ।

ଖ) ଅନ୍ୟମାନଙ୍କୁ ବୃକ୍ଷରୋପଣ କାର୍ଯ୍ୟ ପାଇଁ ଉତ୍ସାହିତ କରିବା।

ଗ) ପ୍ରାକୃତିକ ଜଂଗଲର ସୁରକ୍ଷା ଓ ଉଜୁଡ଼ା ଜଙ୍ଗଲର ପୁନଃଉଦ୍ଧାର।

ଘ) ପକ୍ଷୀ ଓ ଅନ୍ୟାନ୍ୟ ବନ୍ୟଜନ୍ତୁଙ୍କ ସୁରକ୍ଷା କ୍ଷେତ୍ରରେ କାର୍ଯ୍ୟ।

ଙ) ଅକ୍ଷୟ ଶକ୍ତି ଉତ୍ସର ବ୍ୟବହାର ଏବଂ ତା'ସହିତ ପ୍ରଚଳିତ ଶକ୍ତି ଉତ୍ସକୁ ଲୋକପ୍ରିୟ କରିବା।

ଚ) ଜଳ ଓ ମୃତ୍ତିକା ସଂରକ୍ଷଣ କ୍ଷେତ୍ରରେ କାର୍ଯ୍ୟ।

ଛ) ଜନସଂଖ୍ୟା ନିୟନ୍ତ୍ରଣ ପାଇଁ ଜନସଚେତନତା କାର୍ଯ୍ୟ ହାତକୁ ନେବା।

ଜ) ଯଥାର୍ଥ ଓ ସଠିକ୍ କାରିଗରୀ ବିଦ୍ୟା ପ୍ରଗତିକୁ ଲୋକପ୍ରିୟ କରିବା।

ଝ) ପ୍ରାଚୀନ କୀର୍ତ୍ତୀମାନଙ୍କର ସଂରକ୍ଷଣ।

ଞ) ପାଠଚକ୍ର, କର୍ମଶାଳା, ଆଲୋଚନାଚକ୍ର, ସାଂସ୍କୃତିକ କାର୍ଯ୍ୟକ୍ରମ, ବକ୍ତୃତା, ସଂଗୀତ, ଆବୃତ୍ତି, ପ୍ରକାଶନ, ପ୍ରଚାରପତ୍ର ଇତ୍ୟାଦି ଆୟୋଜନ କରି ଜନସାଧାରଣଙ୍କୁ ସଚେତନ କରିବା।

ଟ) ବିରଳ ଉଦ୍ଭିଦ ଓ ଜୀବଜନ୍ତୁଙ୍କ ସଂରକ୍ଷଣ।

ଠ) ମନୁଷ୍ୟ ଓ ଜୀବଜନ୍ତୁଙ୍କ ବାସସ୍ଥାନର ଉନ୍ନତି।

ଡ) ଜଳବାୟୁ ପରିବର୍ତ୍ତନ ସହ ଖାପଖୁଆଇ ଚାଲିବା ଓ ଏହାର ପ୍ରଭାବକୁ ହ୍ରାସ କରିବା ଦିଗରେ କାର୍ଯ୍ୟ କରିବା।

ଢ) ଆବର୍ଜନା ଓ ଅନ୍ୟାନ୍ୟ ଅଦରକାରୀ ପଦାର୍ଥକୁ ବ୍ୟବହାର କରି ଉପଯୋଗୀ ପଦାର୍ଥ ଉତ୍ପାଦନ କରିବାର କୌଶଳର ଉଦ୍ଭାବନ ଏବଂ ଏହାର ପ୍ରୟୋଗ।

ଣ) ବିଭିନ୍ନ ସୂତ୍ରରୁ ସୃଷ୍ଟି ହେଉଥିବା ଦୂଷିତ ପଦାର୍ଥର ପରିମାଣ ହ୍ରାସ କରିବା ଏବଂ ଏହାର ବିକଳ୍ପ ପନ୍ଥା ଉଦ୍ଭାବନ କରିବା।

ତ) ପ୍ରକୃତି ତଥା ପରିବେଶର କ୍ଷତି କରୁନଥିବା ଜ୍ଞାନକୌଶଳ ପ୍ରବର୍ତ୍ତନ ଓ ଏହାର ପ୍ରସାର (ଉଦାହରଣ ସ୍ୱରୂପ: ରାସାୟନିକ ପଦାର୍ଥର ବିନା ବ୍ୟବହାରରେ ଉନ୍ନତ କୃଷିଜାତ ଦ୍ରବ୍ୟ ଉତ୍ପାଦନ କରିବା)।

ଥ) ଚାରଣ ଭୂମିର ସୁରକ୍ଷା ଓ ସୃଷ୍ଟି।

ଦ) ପ୍ରକୃତି ଓ ପରିବେଶ ସଂପର୍କୀତ କ୍ଲବ ବା ସଂଗଠନ ସୃଷ୍ଟି।

ଧ) ପରିବେଶ ସଂରକ୍ଷଣ ସଂବନ୍ଧୀୟ ସଡକ, କ୍ରୀଡା ଇତ୍ୟାଦିର ପ୍ରସାର।

ନ) ପ୍ରକୃତି ଓ ପରିବେଶ ସମୃଦ୍ଧି ଓ ସୁରକ୍ଷା କରିବା ପାଇଁ କରିଥିବା ଅନ୍ୟ କୌଣସି କାର୍ଯ୍ୟ ଯାହାକି ଉପରେ ଉଲ୍ଲେଖ ହୋଇନାହିଁ, ଜଣେ ବ୍ୟକ୍ତି, ସେ ପୁରୁଷ ହୁଅନ୍ତୁ ବା ମହିଳା ହୁଅନ୍ତୁ, ଉପରୋକ୍ତ ସମସ୍ତ କ୍ଷେତ୍ର ବା ଅଳ୍ପ କେତେକ କ୍ଷେତ୍ରରେ କାର୍ଯ୍ୟ କରିଥିଲେ ଏହି ପୁରସ୍କାର ପାଇଁ ଯୋଗ୍ୟ ବିବେଚିତ ହୋଇ ପାରିବେ।

## ୪. ଚୟନ ପ୍ରଣାଳୀ:

କ) ସ୍ଥାନୀୟ ଜଙ୍ଗଲ, ମୃତ୍ତିକା ସଂରକ୍ଷଣ, ସ୍ୱାସ୍ଥ୍ୟ, କୃଷି, ବ୍ଲକ୍ ଉନ୍ନୟନ କାର୍ଯ୍ୟାଳୟ, ବ୍ଲକ୍ ଶିକ୍ଷା କାର୍ଯ୍ୟାଳୟ ଇତ୍ୟାଦି ବିଭାଗର ଅଧିକାରୀମାନେ ଏବଂ ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ଅଧିକାରୀମାନେ ସଂପୃକ୍ତ ଜିଲ୍ଲାର ଜିଲ୍ଲାପାଳଙ୍କୁ ଏହି ପୁରସ୍କାର ପାଇଁ ସେମାନଙ୍କର ମନୋନୟନ ସୁପାରିଶ କରି ପାରିବେ।

ଖ) ମନୋନୟନ ମଧ୍ୟରୁ ପ୍ରତ୍ୟେକ ବ୍ଲକ୍ ପାଇଁ ଜିଲ୍ଲା ପରିବେଶ ସମିତି ଜଣେ ଉପଯୁକ୍ତ ପ୍ରକୃତି ବନ୍ଧୁ ବାଛିବେ। ଏଥିପାଇଁ ଜିଲ୍ଲାପାଳଙ୍କ ଅଧ୍ୟକ୍ଷତାରେ ଏକ ବିଚାରକ ମଣ୍ଡଳୀ ଗଠନ କରିବେ। ଜିଲ୍ଲା ପରିବେଶ ସମିତିର ସଂପାଦକ ଏହାର ଆବାହକ ରହିବେ ଏବଂ ଜିଲ୍ଲା ସ୍ତରରେ କାର୍ଯ୍ୟ କରୁଥିବା ଜଙ୍ଗଲ, ବନ୍ୟଜନ୍ତୁ, ମୃତ୍ତିକା ସଂରକ୍ଷଣ, ସ୍ୱାସ୍ଥ୍ୟ, ଉଦ୍ୟାନ ଇତ୍ୟାଦି ବିଭାଗର ଅଧିକାରୀମାନେ ଏହାର ସଦସ୍ୟ ରହିବେ। ଏହାଛଡ଼ା ଜିଲ୍ଲାପାଳଙ୍କ ଦ୍ୱାରା ମନୋନୀତ ହୋଇଥିବା ପରିବେଶ ସଂରକ୍ଷଣ କ୍ଷେତ୍ରରେ କାର୍ଯ୍ୟ କରୁଥିବା ଦୁଇ ବେସରକାରୀ ସଂସ୍ଥାର ପ୍ରତିନିଧି **(ଯେଉଁମାନେ ଏହି ପୁରସ୍କାର ପାଇଁ ମନୋନୀତ ହୋଇ ନଥିବେ)** ଏହି ବିଚାରକ ମଣ୍ଡଳୀର ସଦସ୍ୟ ରହିବେ।

ଗ) କୌଣସି ବ୍ୟକ୍ତି **ଗତ ୫ବର୍ଷ ମଧ୍ୟରେ** ଏହି ପୁରସ୍କାର ପାଇଥିଲେ ପୁନର୍ବାର ସେହି ବ୍ଲକ୍ ପାଇଁ ମନୋନୀତ ହେବେନାହିଁ।

ଘ) **ସମାନ କାର୍ଯ୍ୟପାଇଁ କୌଣସି ସଂସ୍ଥା/ଅନୁଷ୍ଠାନ ଏବଂ ସେହି ସଂସ୍ଥା/ଅନୁଷ୍ଠାନର ବ୍ୟକ୍ତି ଉଭୟ ପ୍ରକୃତି ମିତ୍ର ଏବଂ ପ୍ରକୃତି ବନ୍ଧୁ ପୁରସ୍କାର ପାଇଁ ମନୋନୀତ ହେବେନାହିଁ।**

ଙ) ନିୟମର ବ୍ୟାଖ୍ୟା ଏବଂ ପୁରସ୍କାର ଉପସ୍ଥାପନ ସମ୍ବନ୍ଧରେ ସରକାରଙ୍କ ନିଷ୍ପତ୍ତି ଚୂଡ଼ାନ୍ତ ହେବ।

ଚ) ଏହି ପୁରସ୍କାର ପାଇଁ ମନୋନୀତ ବ୍ୟକ୍ତି କୌଣସି ଫୌଜଦାରୀ ମାମଲାରେ ଦଣ୍ଡିତ ହୋଇ ନଥିବେ। ଏଥିପାଇଁ ଆବେଦନକାରୀ ଲିଖିତଭାବେ ଜଣାଇବେ।

ଛ) **ଆବେଦନକାରୀଙ୍କ ଠାରୁ ଆବଶ୍ୟକୀୟ ତଥ୍ୟ ସହିତ ସଂପୂର୍ଣ୍ଣ ଆବେଦନ ଫର୍ମ ଜିଲ୍ଲା ପରିବେଶ ସମିତି ୨୭ ଫେବୃୟାରୀ ୨୦୨୬ ତାରିଖ ପର୍ଯ୍ୟନ୍ତ ଗ୍ରହଣ କରିବେ। ଜିଲ୍ଲା ପରିବେଶ ସମିତି ମନୋନୟନ ପ୍ରକ୍ରିୟା ସଂପୂର୍ଣ୍ଣ କରି ୩୧ ମାର୍ଚ୍ଚ ୨୦୨୬ ସୁଦ୍ଧା ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ବିଭାଗକୁ ପଠାଇବେ। ଏହା ସହିତ ମନୋନୀତ ହୋଇଥିବା ବ୍ୟକ୍ତିଙ୍କ ଆବେଦନ ଫର୍ମର ନକଲ ପଠାଇବେ।**

# ପ୍ରକୃତି ବନ୍ଧୁ ପୁରସ୍କାର ପାଇଁ ଆବେଦନ ଫର୍ମ

## (୨୦୨୫-୨୬)

## (ସମସ୍ତ ତଥ୍ୟ ପୂରଣ ନକଲେ ଆବେଦନ ଫର୍ମ ବିଚାରକୁ ନିଆଯିବ ନାହିଁ)

୧. ଆବେଦନକାରୀଙ୍କ ନାମ, ସଂପୂର୍ଣ୍ଣ ଡାକ ଠିକଣା, ଟେଲିଫୋନ୍ ନମ୍ବର, ଇ-ମେଲ୍ ଓ ଆଧାର ନମ୍ବର/ଭୋଟର ପରିଚୟ ପତ୍ରର ନମ୍ବର (ଆଧାର କାର୍ଡ/ଭୋଟର ପରିଚୟ ପତ୍ରର ନକଲ ସଲଗ୍ନ କରନ୍ତୁ):

୨. କେଉଁ ବ୍ଲକ୍ ପାଇଁ ଆବେଦନ କରୁଛନ୍ତି :

୩. ଆବେଦନକାରୀଙ୍କ ସଂକ୍ଷିପ୍ତ ଜୀବନୀ ସୂଚନା:

୪. ଆବେଦନକାରୀଙ୍କ ବର୍ତ୍ତମାନର ପେଷା:

୫. ପୂର୍ବରୁ ଅନ୍ୟ କୌଣସି ପୁରସ୍କାର / ଉପାଧି ପାଇଥିଲେ ତାହାର ସଂକ୍ଷିପ୍ତ ବିବରଣୀ:

୬. ପରିବେଶ ସୁରକ୍ଷା ଓ ସଂରକ୍ଷଣ କ୍ଷେତ୍ରରେ ଆବେଦନକାରୀଙ୍କ ଉଲ୍ଲେଖନୀୟ କାର୍ଯ୍ୟକ୍ରମର ସୂଚନା ( ୨୫୦ଶବ୍ଦ ମଧ୍ୟରେ):

୭. ଆବେଦନକାରୀଙ୍କ ବ୍ୟାଙ୍କ୍ ଆକାଉଣ୍ଟର ସଂପୂର୍ଣ୍ଣ ବିବରଣୀ ଯଥା- ଆକାଉଣ୍ଟଧାରୀଙ୍କ ନାମ, ଆକାଉଣ୍ଟ ନମ୍ବର, ବ୍ୟାଙ୍କ ଶାଖା, ଆଇ.ଏଫ୍.ସି.କୋଡ୍। (ବ୍ୟାଙ୍କ୍ ପାସ୍‌ବୁକ୍ ପ୍ରଥମ ପୃଷ୍ଠାର ନକଲ ସଲଗ୍ନ କରନ୍ତୁ):

**ଆବେଦନକାରୀଙ୍କ ସ୍ୱାକ୍ଷର**

---

ପୁରସ୍କାର ପାଇଁ ବ୍ୟକ୍ତିଙ୍କୁ ମନୋନୀତ କରୁଥିବା ଅଧିକାରୀଙ୍କ ନାମ / ପଦବୀ / ସ୍ୱାକ୍ଷର ସଂପୂର୍ଣ୍ଣ ଠିକଣା ସହିତ:

ବିଦ୍ର: ପରିବେଶ ସୁରକ୍ଷା / ସଂରକ୍ଷଣ କ୍ଷେତ୍ରରେ ମନୋନୀତ ବ୍ୟକ୍ତିଙ୍କ କାର୍ଯ୍ୟକ୍ରମ ସଂପର୍କରେ ପ୍ରକାଶିତ ସମ୍ବାଦପତ୍ର ଅଂଶ ତଥା ଫଟୋ ମନୋନୟନ ଫର୍ମ ସହିତ ସଂଲଗ୍ନ କରିପାରିବେ। ଏହା ସହିତ ଆବେଦନକାରୀ କୌଣସି ଫୌଜଦାରୀ ମାମଲାରେ ଦଣ୍ଡିତ ହୋଇ ନଥିବା ଲିଖିତଭାବେ ଜଣାଇବେ।

| **District** | **Address of District Environment Society (DES)** |
|---|---|
| Angul | The Divisional Forest Officer (T),<br>Angul Forest Division<br>At/PO/Dist-Angul, PIN – 759122 |
| Balasore | The Working Plan Officer, Balasore<br>At-Balia, Po-Kuruda,<br>Dist-Balasore, PIN – 756056 |
| Bargarh | The Divisional Forest Officer, Bargarh Forest Division<br>At/PO/Dist-Bargarh, PIN – 768028 |
| Bhadrak | The District Social Welfare Officer (DSWO), Bhadrak<br>At/PO/Dist-Bhadrak, PIN – 756100 |
| Bolangir | The Divisional Forest Officer,<br>Bolangir Forest Division<br>At/PO/Dist-Bolangir, PIN – 767001 |
| Boudh | The Divisional Forest Officer, Boudh Forest Division<br>At/PO/Dist-Boudh, PIN – 762014 |
| Cuttack | The Divisional Forest Officer, Cuttack City Forest Division, At- Ghatakul, Po:- Madhupatna,<br>Dist.-Cuttack-753010 |
| Deogarh | The Divisional Forest Officer,<br>Deogarh Forest Division<br>At/PO/Dist-Deogarh, PIN – 768108 |
| Dhenkanal | The Divisional Forest Officer (T), Dhenkanal Forest Division<br>At/PO/Dist-Dhenkanal, PIN – 759001 |
| Gajapati | The Divisional Forest Officer, Paralakhemundi Forest Division<br>At/PO-Paralakhemundi,<br>Dist.-Gajapati, PIN – 761200 |
| Ganjam | The Divisional Forest Officer, Berhampur Forest Division<br>At/PO-Courtpeta, Berhampur,<br>Dist.-Ganjam, PIN – 760004 |
| Jagatsinghpur | The District Education Officer, Jagatsinghpur<br>At/PO/Dist-Jagatsinghpur, PIN – 754103 |
| Jajpur | Res. Office of the Collector, Jajpur Town<br>At/PO/District - Jajpur |
| Jharsuguda | Divisional Forest Officer, Jharsuguda Forest Division<br>At/PO – Badamal,<br>Dist- Jharsuguda, PIN – 768201 |
| Kalahandi | The Divisional Forest Officer, Kalahandi North Forest Division<br>At/Po- Bhawanipatna,<br>Dist.-Kalahandi, PIN – 766001 |
| Kandhamal | The Divisional Forest Officer, Phulbani Forest Division<br>At/PO-Phulbani,<br>Dist.-Kandhamal, PIN – 752001 |

| | |
|---|---|
| Kendrapara | The Divisional Forest Officer,<br>Rajnagar Wildlife Division<br>At/PO-Rajnagar,<br>Dist.-Kendrapara, PIN – 754225 |
| Keonjhar | The Divisional Forest Officer(T),<br>Keonjhar Forest Division<br>At/PO/Dist-Keonjhar, PIN – 758001 |
| Khurda | The Divisional Forest Officer(T),<br>Khurda Forest Division<br>At/PO/Dist-Khurda, PIN – 752055 |
| Koraput | The Divisional Forest Officer,<br>Koraput Forest Division<br>At/PO/Dist-Koraput, PIN – 764020 |
| Malkangiri | The Divisional Forest Officer,<br>Malkangiri Forest Division<br>At/PO/Dist-Malkangiri, PIN – 764045 |
| Mayurbhanj | The Divisional Forest Officer,<br>Baripada Forest Division, At/PO-Baripada,<br>Dist.-Mayurbhanj, PIN – 757001 |
| Nabarangpur | The Divisional Forest Officer,<br>Nabarangpur Forest Division,<br>At/PO/Dist-Nabarangpur, PIN – 764059 |
| Nayagarh | The Divisional Forest Officer,<br>Nayagarh Forest Division,<br>At/PO/Dist-Nayagarh, PIN – 752069 |
| Nuapada | The Divisional Forest Officer,<br>Sunabeda Wildlife Division, Nuapada<br>At/PO/Dist-Nuapada, PIN – 766105 |
| Puri | The Divisional Forest Officer,<br>Puri Wildlife Division, Puri<br>At-Chakratirtha Road, Puri<br>Dist.-Puri, PIN – 752002 |
| Rayagada | The Divisional Forest Officer,<br>Rayagada Forest Division<br>At/PO/Dist-Rayagada, PIN – 765001 |
| Sambalpur | Divisional Forest Officer,<br>Sambalpur Forest Division<br>At/PO/Dist-Sambalpur, PIN – 768001 |
| Subarnapur | The Divisional Forest Officer,<br>Subarnapur Forest Division<br>At- Parthabadi, Po-Sonepur,<br>Dist-Subarnapur, PIN – 767017 |
| Sundergarh | The Divisional Forest Officer,<br>Sundergarh Forest Division<br>At/PO/Dist-Sundergarh, PIN – 770001 |